# ଆଜି ଅନୁଗୋଳ ଜିଲ୍ଲାରୁ ୧୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୫୩୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୦୫ ଜଣ ।

ଅନୁଗୋଳ, ତା.୦୨.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୧୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ଵାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୫୧ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣିଅଁରପାଳ ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ ( ୪ଜଣ ପୁରୁଷ), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା) ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୫ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ପ୍ରକାଶଥାଉକି ଗତକାଲି ଅନୁଗୋଳ ଜିଲ୍ଲାରୁ ୨୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିଲେ । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ଵାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୫୧ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ୩ ଜଣ ମହିଳା), ବଣିଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ), ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ )ଓକଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ସୁସ୍ଥ ହୋଇଥିବା ୦୪ଜଣ ହୋମ Isolation ରେ ରହିଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୨୪ ତା.୦୨.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ